# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

### 07 February – 2025

## News Editor – Itishree Singh Rathaur

*************************************

## ମୁଖ୍ୟ ସମ୍ବାଦ

- ଓଡ଼ିଶାକୁ ୨୦୩୬ ମସିହା ସୁଦ୍ଧା ୫୦୦ ବିଲିୟନ୍ ଡଲାର ଅର୍ଥନୀତିରେ ପରିଣତ କରିବାର ଲକ୍ଷ୍ୟ ରହିଛି; କହିଲେ ମୁଖ୍ୟମନ୍ତ୍ରୀ; ବିଭିନ୍ନ ବିଭାଗର ୬ ହଜାର ୩୯୦ ଜଣଙ୍କୁ ନିଯୁକ୍ତିପତ୍ର କଲେ ବଣ୍ଟନ
- ଯାଜପୁର ଜିଲ୍ଲାରେ ଆସନ୍ତାକାଲି ବିଭିନ୍ନ ପ୍ରକଳ୍ପର ଶୁଭାରମ୍ଭ ସହ ସୁଭଦ୍ରା ସହାୟତା ପ୍ରଦାନ କରିବେ ମୁଖ୍ୟମନ୍ତ୍ରୀ
- ପ୍ରକାଶ ପାଇଲା ଓପିଏସ୍‌ସି, ଓଡ଼ିଶା ପ୍ରଶାସନିକ ସେବା ପ୍ରିଲିମ୍‌ନାରୀ ପରୀକ୍ଷା ଫଳ

ଏବଂ

- ଭାରତ-ଇଂଲଣ୍ଡ ଏକଦିବସୀୟ କ୍ରିକେଟ ମ୍ୟାଚ୍ ପାଇଁ ଆଉ କିଛି ସମୟ ମଧ୍ୟରେ ଭୁବନେଶ୍ୱର ପହଞ୍ଚିବେ ଦୁଇ ଦଳ

# ନିଯୁକ୍ତି ମେଳା

୨୦୩୬ ମସିହା ସୁଦ୍ଧା ଓଡ଼ିଶାକୁ ୫୦୦ ବିଲିୟନ୍ ଡଲାର ଅର୍ଥନୀତିରେ ପରିଣତ କରିବାର ଲକ୍ଷ୍ୟ ରଖାଯାଇଛି । ଏଥିପାଇଁ  ଯୁବଶକ୍ତିଙ୍କ ସହଯୋଗ ଆବଶ୍ୟକ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି । ମୁଖ୍ୟମନ୍ତ୍ରୀ ଆଜି ଭୁବନେଶ୍ୱରସ୍ଥିତ ୟୁନିଟ୍-୩ କ୍ୟାପିଟାଲ୍ ହାଇସ୍କୁଲ ପଡିଆଠାରେ ରାଜ୍ୟସ୍ତରୀୟ ନିଯୁକ୍ତି ମେଳାରେ ବିଭିନ୍ନ ବିଭାଗର ୬ ହଜାର ୩୯୦ ଜଣଙ୍କୁ ନିଯୁକ୍ତିପତ୍ର ପ୍ରଦାନ କରିଛନ୍ତି । ଏହି ଅବସରରେ ଶ୍ରୀ ମାଝୀ କହିଛନ୍ତି, ରାଜ୍ୟରେ ଦକ୍ଷ ଓ ଉତ୍ତମ ମାନବ ସମ୍ବଳର ଆବଶ୍ୟକତା ଥିବାବେଳେ ଏ ନେଇ କାର୍ଯ୍ୟ ଜାରି ରହିଛି । ଆଗାମୀ ଦିନରେ ରାଜ୍ୟରେ ଖାଲି ପଡିଥିବା ସରକାରୀ କର୍ମଚାରୀଙ୍କ ପଦବୀ ପୂରଣ କରାଯିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି । ନବନିଯୁକ୍ତଙ୍କୁ ସମୃଦ୍ଧ ଓ ସଶକ୍ତ ଓଡ଼ିଶା ଗଠନ ଦିଗରେ କାର୍ଯ୍ୟ କରିବା ଲାଗି ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଛନ୍ତି ।

**- V/O –**

# ସୁଭଦ୍ରା ଯୋଜନା

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆସନ୍ତାକାଲି ଯାଜପୁର ଗସ୍ତରେ ଯାଇ ବିଭିନ୍ନ କାର୍ଯ୍ୟକ୍ରମର ଶୁଭାରମ୍ଭ କରିବେ । ଜିଲ୍ଲାର ବିଭିନ୍ନ ସ୍ଥାନରେ ୮ଟିରୁ ଅଧିକ ପ୍ରକଳ୍ପର ଲୋକାର୍ପଣ କରିବା ସହ ସୁଭଦ୍ରା ଯୋଜନାରେ ପ୍ରଥମ କିସ୍ତିର ଚତୁର୍ଥ ପର୍ଯ୍ୟାୟ ଅର୍ଥରାଶି ପ୍ରଦାନ କରିବେ । ଏ ନେଇ ଉପମୁଖ୍ୟମନ୍ତ୍ରୀ

ପ୍ରଭାତୀ ପରିଡା କହିଛନ୍ତି ଏହି ପର୍ଯ୍ୟାୟରେ ୧୮ ଲକ୍ଷରୁ ଊର୍ଦ୍ଧ୍ୱ ହିତାଧିକାରୀଙ୍କ ବ୍ୟାଙ୍କ ଖାତାକୁ ଅର୍ଥ ହସ୍ତାନ୍ତର କରାଯିବ।

ସୂଚନାଯୋଗ୍ୟ, ଚତୁର୍ଥ ପର୍ଯ୍ୟାୟ ଟଙ୍କା ପ୍ରଦାନ ପରେ ସୁଭଦ୍ରା ହିତାଧିକାରୀଙ୍କ ସଂଖ୍ୟା ୯୮ ଲକ୍ଷକୁ ବୃଦ୍ଧି ପାଇବ। ଆସନ୍ତା ମାର୍ଚ୍ଚ ମାସ ୮ ତାରିଖରେ ଏହି ଯୋଜନାର ଦ୍ୱିତୀୟ କିସ୍ତିର ପ୍ରଥମ ପର୍ଯ୍ୟାୟ ସହାୟତାରାଶି ଦିଆଯିବ ବୋଲି ସରକାର ଘୋଷଣା କରିଛନ୍ତି।

## କ୍ୟାବିନେଟ୍

ଭୁବନେଶ୍ୱରସ୍ଥିତ ଲୋକସେବା ଭବନରେ ଆଜି ରାଜ୍ୟ କ୍ୟାବିନେଟ୍‌ର ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହେବ। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ହେବାକୁ ଥିବା  ବୈଠକରେ ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ପ୍ରସ୍ତାବକୁ ଅନୁମୋଦନ ମିଳିବା ନେଇ ସୂଚନା ରହିଛି।  ଆସନ୍ତା ୧୩ ତାରିଖରୁ ବିଧାନସଭାର ବଜେଟ୍ ଅଧିବେଶନ ଆରମ୍ଭ ହେଉଥିବାବେଳେ, ୨୦୨୫-୨୬ ଆର୍ଥିକବର୍ଷର ବଜେଟ୍ ଚିଠା ପ୍ରସ୍ତାବ ସମେତ ବିଧାନସଭାରେ ଆଗତ ହେବାକୁ ଥିବା ବିଭିନ୍ନ ବିଲ୍‌କୁ ଆଜିର କ୍ୟାବିନେଟ୍ ବୈଠକରେ ଉପସ୍ଥାପନ କରାଯିବ। କ୍ୟାବିନେଟ୍ ବୈଠକ ପରେ ମନ୍ତ୍ରୀ ପରିଷଦ ବୈଠକ ହେବ ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି।

## ସୁଗମ୍ୟ ଯାତ୍ରା

ରାଜ୍ୟରେ ଥିବା ବିଭିନ୍ନ ସରକାରୀ ହସ୍‌ପିଟାଲ ଏବଂ  ଅନ୍ୟ ସରକାରୀ କାର୍ଯ୍ୟାଳୟଗୁଡ଼ିକରେ ଦିବ୍ୟାଙ୍ଗଙ୍କ ଯାତାୟାତ ସୁବିଧା ପାଇଁ ଆଜି 'ସୁଗମ୍ୟ ଯାତ୍ରା' କାର୍ଯ୍ୟକ୍ରମର ଶୁଭାରମ୍ଭ ହୋଇଛି। ଭୁବନେଶ୍ୱରସ୍ଥିତ ତୋଷାଳୀ

ଭବନରେ ଭିନ୍ନକ୍ଷମ ଓ ସଶକ୍ତୀକରଣ ବିଭାଗ ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ କାର୍ଯ୍ୟକ୍ରମ ଶୁଭାରମ୍ଭ କରି କହିଛନ୍ତି, ସୁଗମ୍ୟ ଯାତ୍ରାର ସୁପରିଚାଳନା ପାଇଁ ଭୁବନେଶ୍ୱରରେ ୩ଟି ଜୋନ୍ ପାଇଁ ୩ଟି ଟିମ୍ ଗଠନ କରାଯାଇଛି। ଏହି ଟିମ୍‌ଗୁଡ଼ିକ ବିଭିନ୍ନ ସରକାରୀ କାର୍ଯ୍ୟାଳୟ ପରିଦର୍ଶନ କରି ଦିବ୍ୟାଙ୍ଗଙ୍କ ପାଇଁ ହୋଇଥିବା ବ୍ୟବସ୍ଥାର ଅନୁଧ୍ୟାନ କରିବେ। ଟିମ୍ ରିପୋର୍ଟ ଦେବା ପରେ ଆବଶ୍ୟକସ୍ଥଳେ ଦିବ୍ୟାଙ୍ଗଙ୍କ ପାଇଁ ସରକାରୀ କାର୍ଯ୍ୟାଳୟରେ ବ୍ୟବସ୍ଥା କରାଯିବ। କାର୍ଯ୍ୟକ୍ରମର ତଦାରଖ ପାଇଁ ପ୍ରତ୍ୟେକ ଜିଲ୍ଲାରେ ଜିଲ୍ଲାପାଳମାନଙ୍କୁ ଦାୟିତ୍ୱ ଦିଆଯାଇଛି ବୋଲି ମନ୍ତ୍ରୀ ଶ୍ରୀ ଗଣ୍ଡ କହିଛନ୍ତି।

## ରାଜ୍ୟପାଳ

ଶିକ୍ଷା ମାଧ୍ୟମରେ ବିକଶିତ ଏବଂ ଆତ୍ମନିର୍ଭରଶୀଳ ରାଷ୍ଟ୍ର ନିର୍ମାଣ ସମ୍ଭବ ହୋଇଥାଏ ବୋଲି ରାଜ୍ୟପାଳ ଡକ୍ଟର ହରି ବାବୁ କମ୍ଭମ୍‌ପାଟି କହିଛନ୍ତି। ପାରାଦ୍ୱୀପ ମହାବିଦ୍ୟାଳୟର ଆଜି ସୁବର୍ଣ୍ଣ ଜୟନ୍ତୀ ସମାରୋହରେ ଯୋଗଦେଇ ରାଜ୍ୟପାଳ କହିଛନ୍ତି, କୌଣସି ରାଷ୍ଟ୍ରର ସଫଳତା ଯୁବଶକ୍ତି ଉପରେ ନିର୍ଭର କରିଥାଏ। ଯୁବସମାଜ ଉପଯୁକ୍ତ ଶିକ୍ଷା କୌଶଳ ଏବଂ ବୈଷୟିକ ଜ୍ଞାନ ଆହରଣ କଲେ ବିକଶିତ ଓଡ଼ିଶା ଏବଂ ବିକଶିତ ଭାରତର ପରିକଳ୍ପନା ସାକାର ହୋଇପାରିବ ବୋଲି ରାଜ୍ୟପାଳ କହିଛନ୍ତି। କାର୍ଯ୍ୟକ୍ରମରେ ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, ଦକ୍ଷତାବିକାଶ ଓ ବୈଷୟିକ ଶିକ୍ଷାମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁଙ୍କ ସମେତ ଅନ୍ୟ ବିଶିଷ୍ଟ ବ୍ୟକ୍ତି ଉପସ୍ଥିତ ଥିଲେ।

## ତୀର୍ଥଯାତ୍ରା ଯୋଜନା

ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା ଆଜି ସମ୍ବଲପୁରରେ ତୃତୀୟ ପର୍ଯ୍ୟାୟ ବରିଷ୍ଠ ନାଗରିକ ତୀର୍ଥଯାତ୍ରା ଯୋଜନାର ଶୁଭାରମ୍ଭ କରିଛନ୍ତି। ସମ୍ବଲପୁରରୁ ଆଜି

୮ଟି ଜିଲ୍ଲାର ୭୭୫ ଜଣ ଏହି ଯାତ୍ରାରେ ସାମିଲ ହୋଇଛନ୍ତି। ସୂଚନା ଅନୁସାରେ, ରାଜ୍ୟ ସରକାରଙ୍କ ପକ୍ଷରୁ ଚଳିତବର୍ଷ ବରିଷ୍ଠ ନାଗରିକମାନେ ୧୦ଟି ପର୍ଯ୍ୟାୟରେ ପ୍ରାୟ ୮ ହଜାର ବରିଷ୍ଠ ନାଗରିକଙ୍କୁ ଶିରିଡି, ନାସିକ୍, ଦକ୍ଷିଣେଶ୍ୱର କାଳୀ, କାମାକ୍ଷା, ଅଯୋଧ୍ୟା, ବାରାଣାସୀ ଭ୍ରମଣ କରିବାର ସୁଯୋଗ ପାଇବେ।

## ବନବିଦ୍ୟାଳୟ ପୁନରୁଦ୍ଧାର

**ପୁରୀ** ସତ୍ୟବାଦୀ ବକୁଳ ବନବିଦ୍ୟାଳୟର ପୁନରୁଦ୍ଧାର ଓ ବିକାଶ ଲାଗି ରାଜ୍ୟ ସରକାରଙ୍କ ଯୋଜନାକୁ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ପ୍ରଶଂସା କରିଛନ୍ତି। ଶ୍ରୀ ପ୍ରଧାନ କହିଛନ୍ତି, ଏହି ପବିତ୍ର ସ୍ଥାନର ପୁନରୁଦ୍ଧାର ହେଲେ ଉତ୍କଳମଣି ପଣ୍ଡିତ ଗୋପବନ୍ଧୁ ଦାସଙ୍କ ସ୍ୱପ୍ନ ସାକାର ହୋଇପାରିବ। ଏଥିପାଇଁ ସେ ମୁଖ୍ୟମନ୍ତ୍ରୀଙ୍କୁ କୃତଜ୍ଞତା ଜ୍ଞାପନ କରିଛନ୍ତି।

## ଦୀକ୍ଷାନ୍ତ ସମାରୋହ

**ନୟାଗଡ଼** ପୋଲିସ୍ ଟ୍ରେନିଂ ସ୍କୁଲ୍ ଗ୍ରାଉଣ୍ଡ୍‌ରେ ପ୍ରଥମ ବ୍ୟାଚ୍ ଅବକାରୀ ସିପାହୀ ପ୍ରଶିକ୍ଷାର୍ଥୀମାନଙ୍କର ଦୀକ୍ଷାନ୍ତ ସମାରୋହ ଆଜି ଅନୁଷ୍ଠିତ ହୋଇଯାଇଛି। ଅବକାରୀ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ କାର୍ଯ୍ୟକ୍ରମରେ ଯୋଗଦେଇ ଅବକାରୀ ନିୟମ ଏବଂ ଏଥିରେ ପ୍ରଶିକ୍ଷାର୍ଥୀମାନଙ୍କ ଦାୟିତ୍ୱ ପ୍ରତି ସଚେତନ ହେବା ନିମନ୍ତେ ପରାମର୍ଶ ଦେଇଥିଲେ। ଆରକ୍ଷୀ ପ୍ରଶିକ୍ଷଣ ବିଦ୍ୟାଳୟରୁ ଆହରଣ କରିଥିବା ଜ୍ଞାନକୁ ନିଜ କର୍ମକ୍ଷେତ୍ରରେ ପ୍ରୟୋଗ କରି ସମାଜର ମଙ୍ଗଳ ପାଇଁ ନିଜକୁ ଉତ୍ସର୍ଗ କରିବାକୁ ମନ୍ତ୍ରୀ ଶ୍ରୀ ହରିଚନ୍ଦନ କହିଛନ୍ତି।

## ଓପିଏସ୍‌ସି-ପ୍ରିଲିମ୍

ଓଡ଼ିଶା ଲୋକସେବା ଆୟୋଗ-ଓପିଏସ୍‌ସି ଦ୍ୱାରା ପରିଚାଳିତ ଓଡ଼ିଶା ପ୍ରଶାସନିକ ସେବା ପ୍ରିଲିମିନାରୀ ପରୀକ୍ଷା ୨୦୨୩ର ଫଳାଫଳ ପ୍ରକାଶ ପାଇଛି। ଏଥିରେ ୪ ହଜାର ୭୯୯ ଜଣ କୃତକାର୍ଯ୍ୟ ହୋଇଛନ୍ତି। ପ୍ରିଲିମ୍ ପରୀକ୍ଷା ପାସ୍ କରିଥିବା ପରୀକ୍ଷାର୍ଥୀମାନେ ମୁଖ୍ୟ ପରୀକ୍ଷା ଦେଇପାରିବେ ବୋଲି ଓପିଏସ୍ ପକ୍ଷରୁ କୁହାଯାଇଛି। ପରୀକ୍ଷାର୍ଥୀମାନେ www.opsc.gov.in ରେ ବିସ୍ତୃତ ତଥ୍ୟ ପାଇପାରିବେ।

## ପରୀକ୍ଷା ପେ ଚର୍ଚ୍ଚା

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତା ୧୦ ତାରିଖ ଦିନ ପୂର୍ବାହ୍ଣ ୧୧ଟା ସମୟରେ 'ପରୀକ୍ଷା ପେ ଚର୍ଚ୍ଚା' କାର୍ଯ୍ୟକ୍ରମରେ ଦେଶବ୍ୟାପୀ ଛାତ୍ରଛାତ୍ରୀଙ୍କ ସହିତ ସିଧାସଳଖ ଆଲୋଚନା କରିବେ। 'ପରୀକ୍ଷା ପେ ଚର୍ଚ୍ଚା-୨୦୨୫' ୮ଟି ପର୍ଯ୍ୟାୟ ଆଧାରିତ। ପ୍ରଧାନମନ୍ତ୍ରୀଙ୍କ ସହ ପ୍ରଥମ ଆଲୋଚନା ସିଧାସଳଖ ଭାବେ ଦୂରଦର୍ଶନ, ସ୍ୱୟଂ, ସ୍ୱୟଂପ୍ରଭା, ପିଏମ୍‌ଓ-ୟୁଟ୍ୟୁବ୍ ଚ୍ୟାନେଲ୍ ଓ ଶିକ୍ଷା ମନ୍ତ୍ରଣାଳୟ ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟର ସାମାଜିକ ଗଣମାଧ୍ୟମ ଚ୍ୟାନେଲ୍‌ରେ ପ୍ରସାରିତ ହେବ। ଛାତ୍ରଛାତ୍ରୀଙ୍କୁ ମାର୍ଗଦର୍ଶନ ଦେବାପାଇଁ ମାନସିକ ସ୍ୱାସ୍ଥ୍ୟଠାରୁ ଆରମ୍ଭ କରି ପ୍ରଯୁକ୍ତିବିଦ୍ୟା ତଥା ବିଭିନ୍ନ କ୍ଷେତ୍ରର ବିଶେଷଜ୍ଞମାନେ 'ପରୀକ୍ଷା ପେ ଚର୍ଚ୍ଚା' କାର୍ଯ୍ୟକ୍ରମରେ ମଧ୍ୟ ଛାତ୍ରଛାତ୍ରୀଙ୍କ ସହ ଆଲୋଚନା କରିବେ। ଚଳିତବର୍ଷ ପ୍ରତ୍ୟେକ ରାଜ୍ୟ ତଥା କେନ୍ଦ୍ରଶାସିତ ଅଂଚଳରୁ ୩୬ ଜଣ ଲେଖାଏଁ ଛାତ୍ରଛାତ୍ରୀ ସିଧାସଳଖ ପ୍ରଧାନମନ୍ତ୍ରୀଙ୍କ ସହ ଯୋଡିହେବେ। ଏହି ସଂସ୍କରଣକୁ ଭାରତର ବିବିଧତା ଏବଂ ଅନ୍ତର୍ଭୁକ୍ତିର ପ୍ରକୃତ ପ୍ରତିଫଳନ ଭାବେ ବିବେଚନା କରାଯାଉଛି।

## ବାରବାଟୀ ମ୍ୟାଚ୍

କଟକ ବାରବାଟୀ ଷ୍ଟାଡିୟମରେ ଆସନ୍ତା ୯ ତାରିଖ ରବିବାରଦିନ ଅନୁଷ୍ଠିତ ହେବାକୁ ଥିବା ଭାରତ-ଇଂଲଣ୍ଡ ଏକଦିବସୀୟ କ୍ରିକେଟ ମ୍ୟାଚ୍ ପାଇଁ ପ୍ରସ୍ତୁତି ଚୂଡାନ୍ତ ପର୍ଯ୍ୟାୟରେ ପହଞ୍ଚିଛି। ଉଭୟ ଦଳ ଆଜି ଭୁବନେଶ୍ୱରରେ ପହଞ୍ଚିବେ ଏବଂ ଆସନ୍ତାକାଲି ବାରବାଟୀ ଷ୍ଟାଡିୟମରେ ଅଭ୍ୟାସ କରିବେ ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି। ମ୍ୟାଚ୍ ପାଇଁ ୫୦ ପ୍ଲାଟୁନ ପୋଲିସ ଫୋର୍ସ ମୁତୟନ କରାଯାଇଛି। ଖେଳାଳିଙ୍କ ସୁରକ୍ଷାକୁ ବିଶେଷ ଗୁରୁତ୍ୱ ଦିଆଯାଇଛି ବୋଲି ସାମ୍ବାଦିକ ସମ୍ମିଳନୀରେ ପୋଲିସ୍ କମିଶନର ଏସ୍.ଦେବଦତ୍ତ ସିଂ କହିଛନ୍ତି।

ଅପରପକ୍ଷରେ ମ୍ୟାଚ୍ ପାଇଁ ଅନ୍‌ଲାଇନ୍‌ରେ ଟିକେଟ୍ କିଣିଥିବା ଦର୍ଶକ ଆଜିଠାରୁ ସ୍ୱତନ୍ତ୍ର କାଉଣ୍ଟରରୁ ଟିକେଟ୍ ସଂଗ୍ରହ କରିଛନ୍ତି।

## ତାଲିମ ଶିବିର

ବୌଦ୍ଧ ପାଳଝାରସ୍ଥିତ କୃଷି ବିଜ୍ଞାନ କେନ୍ଦ୍ରଠାରେ ଜଳବାୟୁ ପରିବର୍ତ୍ତନ ସମୟରେ ଉନ୍ନତ ପ୍ରଣାଳୀରେ ଚାଷ ସମ୍ପର୍କରେ ଏକ ତାଲିମ ଶିବିର ଅନୁଷ୍ଠିତ ହୋଇଛି। ନାବାର୍ଡ ସହାୟତାରେ ଜିଲ୍ଲାର ଅଗ୍ରଣୀଚାଷୀମାନଙ୍କୁ ନେଇ ଏହି ଶିବିର ଆୟୋଜନ କରାଯାଇଥିଲା। ଜଳବାୟୁ ପରିବର୍ତ୍ତନ ସମୟରେ ଉନ୍ନତ ଚାଷ ପ୍ରଣାଳୀ, ବୈଜ୍ଞାନିକ ପଦ୍ଧତିରେ ଚାଷ, ଧାନ ବଦଳରେ ଅର୍ଥକରୀ ଫସଲ ଚାଷ କରାଯାଇ କିପରି ଆର୍ଥିକ ସ୍ତରରେ ଚାଷୀମାନେ ସଶକ୍ତ ହୋଇପାରିବେ ସେ ସମ୍ପର୍କରେ ଶିବିରରେ ତାଲିମ ଦିଆଯାଇଥିଲା।

## ନିଯୁକ୍ତିମେଳା-ଜିଲ୍ଲା

**ବୌଦ୍ଧ** ଜିଲ୍ଲାପାଳଙ୍କ ସମ୍ମିଳନୀକକ୍ଷଠାରେ ୩ଟି ବ୍ଲକ୍‌ର ୪୫ ଜଣ ଯୁବକ-ଯୁବତୀଙ୍କୁ ନିଯୁକ୍ତି ଓ ଦକ୍ଷତା ପ୍ରମାଣପତ୍ର ବିତରଣ କରାଯାଇଛି। ଉପଜିଲ୍ଲାପାଳ ପ୍ରବୀଣ କୁମାର ବାଣୁଆ କହିଛନ୍ତି, ନିଯୁକ୍ତିପତ୍ର ପାଇବା ପରେ ହିତାଧିକାରୀମାନେ ଆତ୍ମନିର୍ଭଶୀଳ ହେବା ସହ ଅନ୍ୟମାନଙ୍କୁ ଆତ୍ମନିର୍ଭରଶୀଳ କରିବା ଦିଗରେ ପ୍ରୋତ୍ସାହିତ କରିବାର ଆବଶ୍ୟକତା ରହିଛି।

## ନିପୁଣ ଓଡ଼ିଶା ମେଳା

ନୟାଗଡ଼ ଜିଲ୍ଲା ରଣପୁରଠାରେ ବ୍ଲକ୍‌ସ୍ତରୀୟ ନିପୁଣ ଓଡ଼ିଶା ମେଳା ଉଦ୍‌ଯାପିତ ହୋଇଯାଇଛି। ବ୍ଲକ୍‌ର ଅର୍ଜୁନପୁର ଉଚ୍ଚବିଦ୍ୟାଳୟରେ ଅନୁଷ୍ଠିତ ଉତ୍ସବରେ ବିଧାନସଭାର ବାଚସ୍ପତି ସୁରମା ପାଢ଼ୀ ଯୋଗଦେଇ ବିଭିନ୍ନ ପ୍ରତିଯୋଗିତାରେ କୃତିତ୍ୱ ଅର୍ଜନ କରିଥିବା ଛାତ୍ରଛାତ୍ରୀମାନଙ୍କୁ ପୁରସ୍କାର ପ୍ରଦାନ କରିଥିଲେ।

## ଖଡିଆଳ ମହୋତ୍ସବ

**ନୂଆପଡା** ଜିଲ୍ଲା ଖଡିଆଳ ମହୋତ୍ସବର ଚତୁର୍ଥ ସନ୍ଧ୍ୟାରେ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜିତ ହେଉଛି। ଏଥିରେ ଶିଶୁ କଳାକାଳମାନଙ୍କ ଦ୍ୱାରା ଦଳଗତ ନୃତ୍ୟ ପରିବେଷଣ କରାଯାଇଥିଲା।

# ପାଣିପାଗ

ରାଜ୍ୟରେ ତାପମାତ୍ରା ବୃଦ୍ଧି ପାଇବାରେ ଲାଗିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଆଜି ୩୪ଟି ସହରର ଦିନର ସର୍ବୋଚ୍ଚ ତାପମାତ୍ରା ୩୦ ଡିଗ୍ରୀ ସେଲସିୟସ୍ ଉପରେ ରେକର୍ଡ କରାଯାଇଛି। ତେବେ ଆସନ୍ତା ୩ ଦିନ ମଧ୍ୟରେ ସର୍ବନିମ୍ନ

ତାପମାତ୍ରା ୪ ଡିଗ୍ରୀ ପର୍ଯ୍ୟନ୍ତ ହ୍ରାସ ପାଇବାର ସମ୍ଭାବନା ରହିଛି । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଘନ କୁହୁଡି ହେବା ନେଇ ନୟାଗଡ଼, ପୁରୀ, ଗଞ୍ଜାମ ଓ ଗଜପତି ଜିଲ୍ଲା ପାଇଁ ସତର୍କ ସୂଚନା ଜାରି କରାଯାଇଛି ।